The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 19 CUTTACK, FRIDAY, JANUARY 1, 2016/PAUSA 11, 1937**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 23 ଜୁଲାଇ 2015

ସଂଖ୍ୟା 21184—ଏଲ-ଏ(ସି)13/2013(ଝାରସୁଗୁଡା)-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଇଡକୋ ଦ୍ୱାରା ଶକ୍ତି ପ୍ରକଳ୍ପ ପ୍ରତିଷ୍ଠା ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ସାହାଜବାହାଲ, ଥାନା ବନହରପାଲି, ତହସିଲ ଲଖନପୁର, ଜିଲ୍ଲା ଝାରସୁଗୁଡାରେ ତୁରନ୍ତ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉପରୋକ୍ତ ଉଦ୍ଦେଶ୍ୟରେ ପ୍ରାୟ 38.13 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଅଧିଗୃହିତ ହେବ ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମ ଧାରା 6(1)ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 50517-ରାବିପ., ତା 31 ଡିସେମ୍ବର 2013 ରିଖ ଏବଂ ଓଡ଼ିଶା ରାଜପତ୍ର ସଂଖ୍ୟା 147, ତା 18 ଜାନୁଆରୀ 2014 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍‌ସା, ଝାରସୁଗଡା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସୁଦର୍ଶନ ପଣ୍ଡା**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.1320—173+20